ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/STSC (OD)/80/26-04-2022

# ଆଦିବାସୀ ମେଳାର ଚତୁର୍ଥ ଦିବସ

## ନୃତ୍ୟ ସହ ବେପାର ଜମୁଛି

ଭୁବନେଶ୍ୱର, ତା.୨୬/୦୪/୨୦୨୨

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ଓ ପଛୁଆବର୍ଗ କଲ୍ୟାଣ ବିଭାଗ ଆନୁକୂଲ୍ୟରେ ଅପ୍ରେଲ ୨୩ ତାରିଖଠାରୁ ଆରମ୍ଭ ହୋଇଥିବା ଆଦିବାସୀ ମେଳା ଓ ଜାତୀୟ ଜନଜାତି କଳାବସ୍ତୁ ପ୍ରଦର୍ଶନୀ ଆଜି ଚତୁର୍ଥ ଦିବସରେ ପହଞ୍ଚିଛି । ପ୍ରଦର୍ଶନୀ ଅଞ୍ଚଳକୁ ଗ୍ରୀନ୍ କାର୍ପେଟ୍‌ରେ ଆଚ୍ଛାଦିତ କରିବା ସହିତ ପରିଷ୍କାରପରିଚ୍ଛନ୍ନ ରଖାଯାଇଛି । ପ୍ରତ୍ୟହ ସନ୍ଧ୍ୟାରେ ସୁଦୃଶ୍ୟ ରଙ୍ଗମଞ୍ଚରେ ଜନଜାତିଙ୍କର ନୃତ୍ୟ ପ୍ରଦର୍ଶନ ଦର୍ଶକମାନଙ୍କୁ ବିମୋହିତ କରୁଛି ।

ଆଜି ସନ୍ଧ୍ୟାରେ କୁଚିଣ୍ଡା ଅଞ୍ଚଳରୁ ଆସିଥିବା କିସାନ୍‌ମାନଙ୍କର ନୃତ୍ୟ ଅତ୍ୟନ୍ତ ଚିତ୍ତାକର୍ଷକ ଥିଲା । ପଶ୍ଚିମ ଓଡ଼ିଶାର ଲୋକଧାରା ସହ ଏମାନଙ୍କ ନୃତ୍ୟର ସାମଞ୍ଜସ୍ୟ ଖୁବ୍ ଆମୋଦପ୍ରଦ ଥିଲା । ସେହିପରି ଫୁଲବାଣୀ ଅଞ୍ଚଳର କନ୍ଧମାନଙ୍କର ଧାଙ୍ଗିଡ଼ୀ ନାଚରେ ଦର୍ଶକ ଖୁବ୍ ଆମୋଦିତ ହୋଇଥିଲେ । ସୁନ୍ଦରଗଡ଼ର ଓରାମ୍ ଜନଜାତିମାନଙ୍କର କରମା ନାଚରେ ମାଦଳର ମାଦକତା ନୃତ୍ୟ ପରିସରକୁ ଜଙ୍ଗଲର ଭ୍ରମ ସୃଷ୍ଟି କରିଥିଲା । ସେହିପରି ମୁଣ୍ଡା ଜନଜାତି ଝିଅମାନଙ୍କର ନୃତ୍ୟରେ ଦର୍ଶକ ଯେପରି ଝୁମି ଉଠିଥିଲେ, କନ୍ଧମାନଙ୍କର ଶିଙ୍ଗ ନୃତ୍ୟରେ ଆଦିମତାକୁ ପରଖିଥିଲେ । କିସାନମାନଙ୍କ କରମା ନାଚ ସେହିପରି ପ୍ରାଚୀନ ଓ ନୂତନତାର ଏକ ସଂଗମ ହିସାବରେ ଦର୍ଶକମାନଙ୍କୁ ଭିନ୍ନସ୍ୱାଦ ଆଣି ଦେଇଥିଲା ।

ନୃତ୍ୟ ପରିକ୍ରମା ସହ ଉତ୍‌ଫୁଲ୍ଲିତ ଦର୍ଶକ ମେଳାରୁ କିଣାକିଣିର ମଜା ନେଇଥିଲେ ଏବଂ ମେଳା ବୁଲିବାର ଅବସରରେ ବିଭିନ୍ନ ଜନଜାତିଙ୍କ ସଂସ୍କୃତି ସହିତ ପରିଚିତ ହେବାର ସୁଯୋଗ ପାଇଥିଲେ । ମେଳାରେ ଗତକାଲି ସୁଦ୍ଧା ପ୍ରାୟ ଏକ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର କାରବାର ହୋଇଥିବାର ମେଳା କର୍ତ୍ତୃପକ୍ଷଙ୍କ ସୌଜନ୍ୟରୁ ପ୍ରକାଶ ।

ଡକ୍ଟର ଜ୍ୟୋତିର୍ମୟୀ ସାମନ୍ତରାୟ
ସୂଚନା ଅଧିକାରୀ